# REGIONAL NEWS UNIT, AIR CUTTACK

## Evening Bulletin (6.45PM)

**7 April - 2026**

**********************************

## ମୁଖ୍ୟ ସମ୍ବାଦ

- ଏଲ୍‌ପିଜି ବିତରକଙ୍କ ନିକଟରେ ଯଥେଷ୍ଟ ପରିମାଣର ସିଲିଣ୍ଡର ଉପଲବ୍ଧ ରହିଛି; କେନ୍ଦ୍ର ସରକାରଙ୍କ ସୂଚନା
- ରାଜ୍ୟର ଶିଳ୍ପାୟନ ପ୍ରକ୍ରିୟାକୁ ତ୍ୱରାନ୍ୱିତ କରିବା ପାଇଁ ମୁଖ୍ୟମନ୍ତ୍ରୀଙ୍କ ଅଧ୍ୟକ୍ଷତାରେ ବୈଠକ ଅନୁଷ୍ଠିତ
- ଶ୍ରୀମନ୍ଦିର କାର୍ଯ୍ୟାଳୟରେ ଜାରି ରହିଛି ଛତିଶାନିଯୋଗ ଏବଂ ନୀତି ସବ୍‌କମିଟିର ବୈଠକ

— ଶ୍ରୀଜୀଉଙ୍କ ରତ୍ନଭଣ୍ଡାର ଅଳଙ୍କାର ଗଣତି-ମଣତିର ଦ୍ୱିତୀୟ ପର୍ଯ୍ୟାୟ ଆସନ୍ତାକାଲିଠାରୁ ହେବ ଆରମ୍ଭ

ଏବଂ

- ଭୁବନେଶ୍ୱରଠାରେ ଚାଲିଥିବା ୬୯ତମ ଜାତୀୟ ବିଦ୍ୟାଳୟ ସମୂହ ରଗ୍‌ବୀ ଚାମ୍ପିଅନ୍‌ସିପ୍‌ର ୧୭ବର୍ଷରୁ କମ୍ ବାଳିକା ବର୍ଗରେ ଓଡ଼ିଶା ଦଳ ପ୍ରଥମ

## ଏଲ୍‌ପିଜି

ଦେଶବ୍ୟାପୀ ପେଟ୍ରୋଲ୍, ଡିଜେଲ୍, ଏଲ୍.ପି.ଜି. ଓ ପି.ଏନ୍‌ଜିର ଯୋଗାଣ ସ୍ୱାଭାବିକ ରହିଥିବା କେନ୍ଦ୍ର ସରକାର କହିଛନ୍ତି । ପଶ୍ଚିମ ଏସିଆ ପରିସ୍ଥିତି ଉପରେ ଆୟୋଜିତ ଆନ୍ତଃ ମନ୍ତ୍ରଣାଳୟ ବୈଠକ ପରେ ନୂଆଦିଲ୍ଲୀରେ ଆଜି ଗଣମାଧ୍ୟମକୁ ସୂଚନା ଦେଇ ପେଟ୍ରୋଲିୟମ୍ ଏବଂ ପ୍ରାକୃତିକ ଗ୍ୟାସ୍ ମନ୍ତ୍ରଣାଳୟର ଯୁଗ୍ମ ସଚିବ ସୁଜାତା ଶର୍ମା କହିଛନ୍ତି, ଏଲ୍.ପି.ଜି. ବିତରକଙ୍କ ପାଖରେ ଯଥେଷ୍ଟ ପରିମାଣରେ ସିଲିଣ୍ଡର ଉପଲବ୍ଧ ରହିଛି । ସମସ୍ତ ପେଟ୍ରୋଲ୍ ପମ୍ପ ମଧ୍ୟ ସ୍ୱାଭାବିକ ଭାବେ କାର୍ଯ୍ୟ କରୁଛି । ପେଟ୍ରୋଲ୍ ଓ ଡିଜେଲ୍‌ର ପର୍ଯ୍ୟାପ୍ତ ଉପଲବ୍ଧତା ରହିବା ସହ କୌଣସି ସ୍ଥାନରେ ଅଭାବ ସମ୍ପର୍କିତ ତଥ୍ୟ ହସ୍ତଗତ ହୋଇନାହିଁ । ୫ କିଲୋଗ୍ରାମ୍ ସିଲିଣ୍ଡରର ହାରହାରି ଦୈନିକ ବିକ୍ରି ବର୍ତ୍ତମାନ ୧ ଲକ୍ଷକୁ ବୃଦ୍ଧି ପାଇଥିବା ଶ୍ରୀମତୀ ଶର୍ମା କହିଛନ୍ତି ।

## ମୁଖ୍ୟମନ୍ତ୍ରୀ-ଖଣି

ରାଜ୍ୟର ଖଣିଜ ସମ୍ପଦର ସଦୁପଯୋଗ ଓ ନିଯୁକ୍ତି ସୁଯୋଗ ସୃଷ୍ଟି ପାଇଁ ସରକାର ପଦକ୍ଷେପ ଗ୍ରହଣ କରୁଛନ୍ତି ବୋଲି  ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ଲୋକସେବା ଭବନଠାରେ ରାଜ୍ୟର ଶିଳ୍ପାୟନ ପ୍ରକ୍ରିୟାକୁ ଅଧିକ ବ୍ୟାପକ କରିବା ପାଇଁ ଅନୁଷ୍ଠିତ ଏକ ଉଚ୍ଚସ୍ତରୀୟ ବୈଠକରେ ଅଧ୍ୟକ୍ଷତା କରି ମୁଖ୍ୟମନ୍ତ୍ରୀ ଶିଳ୍ପ ଜଗତର ପ୍ରତିନିଧିମାନଙ୍କ ସହିତ ସମନ୍ୱୟ ରକ୍ଷା କରି ରାଜ୍ୟକୁ ଦେଶର ଏକ ପ୍ରମୁଖ ଶିଳ୍ପ କେନ୍ଦ୍ର ଭାବେ ପ୍ରତିଷ୍ଠା କରିବା ଉପରେ ଗୁରୁତ୍ୱାରୋପ କରିଛନ୍ତି । ଲୁହାପଥର ଉତ୍ପାଦନ ଏବଂ

ରପ୍ତାନୀ ପ୍ରତି ଗୁରୁତ୍ୱ ଦେଇ ସର୍ବନିମ୍ନ ବାଧ୍ୟତାମୂଳକ ସୀମାକୁ ଦୃଷ୍ଟିରେ ରଖି ଖଣି ଉନ୍ନୟନ ଏବଂ ଉତ୍ପାଦନ ଚୁକ୍ତି ଅନୁଯାୟୀ ଏହାକୁ ବୃଦ୍ଧି କରିବା ସଂକ୍ରାନ୍ତରେ ବୈଠକରେ ଆଲୋଚନା ହୋଇଛି। ଶିଳ୍ପ ପ୍ରତିଷ୍ଠା ପାଇଁ ବାଧ୍ୟତାମୂଳକ ବନୀକରଣ, ସ୍ଥାନୀୟ ବାସିନ୍ଦାଙ୍କ ମୌଳିକ ଆବଶ୍ୟକତା ଓ ସର୍ବାଙ୍ଗିନ ବିକାଶକୁ ଗୁରୁତ୍ୱ, ଆଗାମୀ ବର୍ଷ ପାଇଁ ନିଲାମ କ୍ୟାଲେଣ୍ଡର ପ୍ରସ୍ତୁତ, କଞ୍ଚାମାଳର ଚାହିଦା ପୂରଣ ପାଇଁ ଉତ୍ପାଦନ ବୃଦ୍ଧି, ଖଣିଜ ବହୂଳ ଜିଲ୍ଲାଗୁଡ଼ିକରେ ଶିଳ୍ପାନୁଷ୍ଠାନ ସଂଖ୍ୟା ବୃଦ୍ଧି କରି ବିକେନ୍ଦ୍ରୀକୃତ ଶିଳ୍ପାୟନ ଉପରେ ବୈଠକରେ ଗୁରୁତ୍ୱାରୋପ କରାଯାଇଛି।

ଫଳରେ ଅଂଚଳରେ ବ୍ୟାପକ ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇପାରିବ। ଏଥିପାଇଁ ସରକାରଙ୍କ ପକ୍ଷରୁ ସମସ୍ତ ପ୍ରକାର ସହଯୋଗ ଯୋଗାଇ ଦିଆଯିବ ବୋଲି ମୁଖ୍ୟମନ୍ତ୍ରୀ କହିଛନ୍ତି। ରାଜ୍ୟରେ ଆଗାମୀ ଦିନରେ ୧୦୦ ମିଲିୟନ୍ ଟନ୍ ଇସ୍ପାତ ଉତ୍ପାଦନ ହେବାକୁ ଲକ୍ଷ୍ୟ ରଖାଯାଇଛି। ବୈଠକ ପରେ ଭାରତୀୟ ଷ୍ଟିଲ ସଂଘର ଅଧ୍ୟକ୍ଷ ନବୀନ ଜିନ୍ଦଲ ପ୍ରତିକ୍ରିୟାରେ କହିଛନ୍ତି...

**- V/O –**

**ଅମୃତ ୨.୦**

ଅମୃତ ଦ୍ୱିତୀୟ ପର୍ଯ୍ୟାୟରେ ସଫଳ କାର୍ଯ୍ୟକାରିତାରେ ସମଗ୍ର ଦେଶରେ ଓଡ଼ିଶା ପ୍ରଥମ ସ୍ଥାନ ଅଧିକାର କରି ଏକ ଅଗ୍ରଣୀ ରାଜ୍ୟ ଭାବେ ଉଭା ହୋଇଛି। ସହରାଞ୍ଚଳର ପ୍ରତିଟି ପରିବାରକୁ ପାନୀୟ ଜଳ ଯୋଗାଣ ଏବଂ ଜଳାଶୟଗୁଡ଼ିକର ପୁନରୁଦ୍ଧାର କ୍ଷେତ୍ରରେ ରାଜ୍ୟର ଏହି ପ୍ରଦର୍ଶନ ଏକ ନୂତନ

ମାଇଲଖୁଣ୍ଟ ସ୍ଥାପନ କରିଛି। ୨୦୨୧ ମସିହା ଅକ୍ଟୋବର ମାସରେ ଆରମ୍ଭ ହୋଇଥିବା ଅମୃତ ମିଶନ ମାଧ୍ୟମରେ ରାଜ୍ୟର ୮୯ଟି ପୌରସଂସ୍ଥାରେ ବ୍ୟାପକ ପ୍ରଗତି ପରିଲକ୍ଷିତ ହୋଇଛି। ବର୍ତ୍ତମାନ ସୁଦ୍ଧା ପ୍ରାୟ ୪ ହଜାର ୩୦ କୋଟିରୁ ଊର୍ଦ୍ଧ୍ୱ ଟଙ୍କା ବ୍ୟୟରେ ୩୪୫ଟି ପ୍ରକଳ୍ପକୁ ସରକାର ଅନୁମୋଦନ କରିଛନ୍ତି। ରାଜ୍ୟ ସରକାରଙ୍କ ପକ୍ଷରୁ ପେ' ଜଳ ସର୍ବେକ୍ଷଣ ଏବଂ ଜୟ ହେ ଅମୃତ ଭଳି କାର୍ଯ୍ୟକ୍ରମ ମାଧ୍ୟମରେ ଜଳ ପରିଚାଳନାକୁ ଅଧିକ ଗୁରୁତ୍ୱ ଦିଆଯାଉଛି। ଅଭିଯାନ ମାଧ୍ୟମରେ ମହିଳା ସ୍ୱୟଂ ସହାୟକ ଗୋଷ୍ଠୀଙ୍କୁ ସାମିଲ କରାଯାଇ ଜଳାଶୟର ପୁନରୁଦ୍ଧାର ଏବଂ ପରିବେଶ ସୁରକ୍ଷା କାର୍ଯ୍ୟ ଜାରି ରହିଛି।

## ଓଡ଼ିଆ ପକ୍ଷ

ଓଡ଼ିଆ ପକ୍ଷ ପାଳନର ଆଜି ସପ୍ତମ ଦିନକୁ 'ଶିଶୁକଥା ଦିବସ' ଭାବେ ପାଳନ କରାଯାଉଛି। ଏହି ଅବସରରେ ରାଜ୍ୟର ବିଦ୍ୟାଳୟଗୁଡିକରେ ବର୍ଣ୍ଣବୋଧ, ଶିଶୁଲେଖା ପୁସ୍ତକ ଏବଂ ବରିଷ୍ଠ ନାଗରିକମାନଙ୍କୁ ଭାଗବତ ପୁସ୍ତକ ପ୍ରଦାନ କରାଯାଉଛି। ଓଡ଼ିଆ ଭାଷା, ସାହିତ୍ୟ ଓ ସଂସ୍କୃତି ବିଭାଗ ଏବଂ ଜିଲ୍ଲା ପ୍ରଶାସନର ସହଯୋଗରେ କାର୍ଯ୍ୟକ୍ରମମାନ ଚାଲିଛି। ଓଡ଼ିଆ ଭାଷା ଓ ସାହିତ୍ୟର ପ୍ରଚାର ଏବଂ ପ୍ରସାର ସହ ଓଡ଼ିଆ ସଂସ୍କୃତି, ପରମ୍ପରା ଏବଂ ବିଭିନ୍ନ ଲୋକବାଣୀ ସମ୍ବନ୍ଧରେ ଜନସାଧାରଣ ଅବଗତ ହେବା ଉଦ୍ଦେଶ୍ୟରେ ଓଡ଼ିଆ ପକ୍ଷ ପାଳନ ଗୁରୁତ୍ୱ ବହନ କରୁଛି।

**ରାୟଗଡ଼ା** ଜିଲ୍ଲା ପ୍ରଶାସନ ପକ୍ଷରୁ ସ୍ଥାନୀୟ ଗାନ୍ଧୀନଗର ଓ ଇନ୍ଦିରା ନଗର ଉଚ୍ଚ ପ୍ରାଥମିକ ବିଦ୍ୟାଳୟରେ  ଶିଶୁବାଟିକା, ପ୍ରଥମ ଓ ଦ୍ୱିତୀୟ ଶ୍ରେଣୀ ପିଲାଙ୍କୁ ଛବିଳ ବର୍ଣ୍ଣବୋଧ ଏବଂ ତୃତୀୟ ଓ ଚତୁର୍ଥ ଶ୍ରେଣୀ ପିଲାଙ୍କୁ ଶିଶୁ ଲେଖା ଗଳ୍ପ ପୁସ୍ତକ ବଣ୍ଟନ କରାଯାଇଛି ।

**ଦେବଗଡ଼** ଜିଲ୍ଲାରେ ଆୟୋଜିତ କାର୍ଯ୍ୟକ୍ରମରେ  ଛାତ୍ରଛାତ୍ରୀମାନଙ୍କୁ ବର୍ଣ୍ଣବୋଧ ବହି ବଣ୍ଟନ କରାଯାଇଛି ।

**ଗଜପତି** ଜିଲ୍ଲା ସଦର ମହକୁମା ପାରଳାଖେମୁଣ୍ଡିସ୍ଥିତ ଗାନ୍ଧୀସ୍ମୃତି ସରକାରୀ ଉଚ୍ଚପ୍ରାଥମିକ ବିଦ୍ୟାଳୟରେ ଶିଶୁ କଥା ଦିବସ ଓ ବର୍ଣ୍ଣବୋଧ ଉତ୍ସବ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି ।

**ସମ୍ବଲପୁର** ଜିଲ୍ଲାର ବିଭିନ୍ନ ଅଞ୍ଚଳରେ ବର୍ଣ୍ଣବୋଧ ବଣ୍ଟନ ଉତ୍ସବ ପାଳିତ ହୋଇଯାଇଛି ।

## ନନ୍ଦନକାନନ ରାସ୍ତା

ପୂର୍ବତନ ମନ୍ତ୍ରୀ ପୃଥ୍ୱୀରାଜ ହରିଚନ୍ଦନ ଆଜି ନୟାପଲ୍ଲୀ ସାଲିଆ ସାହି ନିକଟରେ ନିର୍ମାଣାଧୀନ ଜୟଦେବ ବିହାର-ନନ୍ଦନକାନନ ସମାନ୍ତରାଳ ରାସ୍ତା କାର୍ଯ୍ୟର ସମୀକ୍ଷା କରିଛନ୍ତି। ନିର୍ମାଣ କାର୍ଯ୍ୟକୁ ଆସନ୍ତା ୩୦ ତାରିଖ ସୁଦ୍ଧା ସମ୍ପୂର୍ଣ୍ଣ କରି ଜନସାଧାରଣଙ୍କ ପାଇଁ ଉନ୍ମୁକ୍ତ କରିବାକୁ ବିଭାଗୀୟ ଅଧିକାରୀମାନଙ୍କୁ ଶ୍ରୀ ହରିଚନ୍ଦନ ନିର୍ଦ୍ଦେଶ ଦେଇଛନ୍ତି। ସହରରେ ବଢୁଥିବା

ଟ୍ରାଫିକ୍ ସମସ୍ୟାର ସମାଧାନ ପାଇଁ ଏହି ରାସ୍ତା ଏକ ମୁଖ୍ୟ ମାଧମ ସାଜିବା ସହିତ ଯାତାୟତକୁ ଅଧିକ ସହଜ ଓ ସୁଗମ କରିବ ବୋଲି ମନ୍ତ୍ରୀ କହିଛନ୍ତି।

## ଛତିଶା ନିଯୋଗ ବୈଠକ

ପୁରୀ ଶ୍ରୀମନ୍ଦିର କାର୍ଯ୍ୟାଳୟଠାରେ ମୁଖ୍ୟ ପ୍ରଶାସକ ଅରବିନ୍ଦ ପାଢ଼ୀଙ୍କ ଅଧକ୍ଷତାରେ ଛତିଶାନିଯୋଗ ଏବଂ ନୀତି ସବ୍‌କମିଟିର ଏକ ଗୁରୁତ୍ୱପୂର୍ଣ୍ଣ ବୈଠକ ଜାରି ରହିଛି। ଆସନ୍ତା ୨୦ ତାରିଖରେ ପବିତ୍ର ଅକ୍ଷୟ ତୃତୀୟା ଅବସରରେ ମହାପ୍ରଭୁଙ୍କ ଚନ୍ଦନଯାତ୍ରା ସହିତ ବିଶ୍ୱପ୍ରସିଦ୍ଧ ରଥଯାତ୍ରା ପାଇଁ ରଥ ନିର୍ମାଣ କାର୍ଯ୍ୟ ଓ ଦ୍ୱିତୀୟ ପର୍ଯ୍ୟାୟ ରତ୍ନଭଣ୍ଡାର ଗଣତି-ମଣତି କାର୍ଯ୍ୟ ସଂକ୍ରାନ୍ତରେ ଆଲୋଚନା ହେଉଛି। ବୈଠକରେ ଚନ୍ଦନଯାତ୍ରା ନୀତି ନିର୍ଘଣ୍ଟ ଚୂଡାନ୍ତ ହେବ ବୋଲି ଜଣାପଡିଛି।  ଜିଲ୍ଲାପାଳ ଆରକ୍ଷୀ ଅଧିକ୍ଷକଙ୍କ ସମେତ ବରିଷ୍ଠ ଅଧିକାରୀମାନେ ବୈଠକରେ ଉପସ୍ଥିତ ଅଛନ୍ତି।

## ରତ୍ନଭଣ୍ଡାର ଗଣତି-ମଣତି

ପୁରୀ ଶ୍ରୀମନ୍ଦିର ରତ୍ନଭଣ୍ଡାର ଅଳଙ୍କାରର ଗଣତି-ମଣତି ଦ୍ୱିତୀୟ ପର୍ଯ୍ୟାୟ ପ୍ରକ୍ରିୟା ଆସନ୍ତାକାଲିଠାରୁ ଆରମ୍ଭ ହୋଇ ୧୧ ତାରିଖ ପର୍ଯ୍ୟନ୍ତ ଚାଲିବ। ୧୩ ତାରିଖ ଏବଂ ପରେ ୧୬ ତାରିଖରୁ ୧୮ ତାରିଖ ପର୍ଯ୍ୟନ୍ତ ଗଣତି-ମଣତି କରାଯିବ। ଗଣତି ପ୍ରକ୍ରିୟା ଚାଲୁ ରହିଥିବା ସମୟରେ ଶ୍ରୀଜୀଉଙ୍କ ନୀତି ସମ୍ପାଦନ ଅବ୍ୟାହତ ରହିବ। ସୁରକ୍ଷା ଦୃଷ୍ଟିରୁ ଶ୍ରଦ୍ଧାଳୁମାନେ ଏହି ଦିନଗୁଡ଼ିକରେ ବାହାର କାଠ ନିକଟରୁ ଶ୍ରୀଜୀଉଙ୍କୁ ଦର୍ଶନ କରିପାରିବେ। ପରବର୍ତ୍ତୀ ଗଣତି ଦିନଗୁଡ଼ିକ ଏହି ପର୍ଯ୍ୟାୟ ପରେ ଘୋଷଣା କରାଯିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି। ରାଜ୍ୟ ସରକାରଙ୍କ

ଅନୁମୋଦିତ ମାର୍ଗଦର୍ଶିକା ଆଧାରରେ ଗତ ୨୫ ତାରିଖରେ ଶ୍ରୀମନ୍ଦିର ରତ୍ନଭଣ୍ଡାରରେ ଗଚ୍ଛିତ ଅଳଙ୍କାର ଓ ମୂଲ୍ୟବାନ ସାମଗ୍ରୀର ଗଣତି କାର୍ଯ୍ୟ ଆରମ୍ଭ ହୋଇଥିଲା ।

## ତାଲିମ କର୍ମଶାଳା

**ଗଞ୍ଜାମ** ଜିଲ୍ଲା ସ୍ଥାନୀୟ ଋଷିକୂଲ୍ୟା ସମ୍ମିଳନୀ କକ୍ଷଠାରେ ଜିଲ୍ଲାପାଳ ଭି.କିର୍ତ୍ତି ଭାସନଙ୍କ ଅଧ୍ୟକ୍ଷତାରେ ଗଞ୍ଜାମ ୩୬୦ ଆଭିମୁଖ୍ୟ କାର୍ଯ୍ୟକ୍ରମ ଏବଂ ତାଲିମ୍ କର୍ମଶାଳା ଅନୁଷ୍ଠିତ ହୋଇଯାଇଛି । କର୍ମଶାଳାରେ ଗଞ୍ଜାମ ୩୬୦ ଆପ୍ ସଂକ୍ରାନ୍ତରେ ଅଧିକାରୀମାନଙ୍କୁ ତାଲିମ୍ ପ୍ରଦାନ କରାଯାଇଛି ।

## ସମୀକ୍ଷା ବୈଠକ

**ମାଲକାନଗିରି** ଜିଲ୍ଲାର ବିକାଶ ପ୍ରକ୍ରିୟାକୁ ଅଧିକ ଗତିଶୀଳ କରିବା ପାଇଁ ଜିଲ୍ଲାପାଳ ପ୍ରଥମେଶ ଅରବିନ୍ଦ ରାଜସିର୍କେଙ୍କ ଅଧ୍ୟକ୍ଷତାରେ ଗୁରୁତ୍ୱପୂର୍ଣ୍ଣ ସମୀକ୍ଷା ବୈଠକ ଅନୁଷ୍ଠିତ ହୋଇଯାଇଛି । ବୈଠକରେ ପ୍ରକଳ୍ପ ତଦାରଖ ୟୁନିଟ୍ ଏବଂ ପ୍ରଗତି ଅଧୀନରେ ଚାଲିଥିବା ବିଭିନ୍ନ କାର୍ଯ୍ୟର ଅଗ୍ରଗତି ନେଇ ଆଲୋଚନା କରାଯାଇଛି ।

## ଜନଶୁଣାଣି

**ଗଞ୍ଜାମ** ଜିଲ୍ଲା ଛତ୍ରପୁର ପଂଚାୟତ ସମିତି ସମ୍ମିଳନୀ କକ୍ଷଠାରେ ମହାତ୍ମା ଗାନ୍ଧୀ ଜାତୀୟ ଗ୍ରାମୀଣ ନିଶ୍ଚିତ କର୍ମନିଯୁକ୍ତି ଯୋଜନା ଏବଂ ସମଗ୍ର ଶିକ୍ଷା ଅଭିଯାନ ବ୍ଲକସ୍ତରୀୟ ଜନଶୁଣାଣି ଶିବିର ଅନୁଷ୍ଠିତ ହୋଇଯାଇଛି । ଶିବିରରେ ଅତିରିକ୍ତ ଜିଲ୍ଲାପାଳ ଦେବଦତ୍ତ ପଣ୍ଡା ଅଧ୍ୟକ୍ଷତା କରି ମାର୍ଗଦର୍ଶିକା ଅନୁସାରେ,

କାର୍ଯ୍ୟ ତ୍ୱରାନ୍ୱିତ କରିବାକୁ ପରାମର୍ଶ ଦେଇଛନ୍ତି । ବୈଠକରେ ବ୍ଲକ୍‌ର ଜନପ୍ରତିନିଧିଙ୍କ ସମେତ ବିଭିନ୍ନ ବିଭାଗୀୟ ଅଧିକାରୀ ଉପସ୍ଥିତ ଥିଲେ ।

## ଜିଲ୍ଲା ପରିଷଦ ସମ୍ମିଳନୀ

**ମାଲକାନଗିରି** ଜିଲ୍ଲାପାଳ ପ୍ରଥମେଶ ଅରବିନ୍ଦ ରାଜସିର୍କେଙ୍କ ଅଧ୍ୟକ୍ଷତାରେ ଆଜି ଜିଲ୍ଲା ପରିଷଦ ସମ୍ମିଳନୀ କକ୍ଷରେ ଚଳିତମାସର ଜିଲ୍ଲା ସଡକ ସୁରକ୍ଷା କମିଟି ବୈଠକ ଆୟୋଜିତ ହୋଇଯାଇଛି । ଜିଲ୍ଲାରେ ବଢୁଥିବା ସଡକ ଦୁର୍ଘଟଣାକୁ ରୋକିବା ଏବଂ ଜନସାଧାରଣଙ୍କ ସୁରକ୍ଷାକୁ ନିଶ୍ଚିତ କରିବା ପାଇଁ ଜିଲ୍ଲାପାଳ ବିଭାଗୀୟ ଅଧିକାରୀମାନଙ୍କୁ ନିର୍ଦ୍ଦେଶ ଦେଇଛନ୍ତି ।

## ରଗ୍‌ବୀ

ଭୁବନେଶ୍ୱର କଳିଙ୍ଗ ଷ୍ଟାଡିୟମ୍‌ରେ ଅନୁଷ୍ଠିତ ୬୯ତମ ଜାତୀୟ ବିଦ୍ୟାଳୟ ସମୂହ ରଗ୍‌ବୀ ଚାମ୍ପିଅନ୍‌ସିପ୍‌ରେ ୧୭ବର୍ଷରୁ କମ୍ ପ୍ରତିଯୋଗିତାର ବାଳିକା ବର୍ଗରେ ଓଡ଼ିଶା ଦଳ ପ୍ରଥମ ସ୍ଥାନ ଅଧିକାର କରିଛି । ବିହାର ଦଳ ରନର୍ସଅପ୍ ହୋଇଛି । ମହାରାଷ୍ଟ୍ର ତୃତୀୟ ଏବଂ ଦିଲ୍ଲୀ ଚତୁର୍ଥ ସ୍ଥାନ ହାସଲ କରିଛି ।

୧୭ବର୍ଷରୁ କମ୍ ବାଳକ ବର୍ଗରେ ଓଡ଼ିଶା ବିପକ୍ଷରେ ବିହାର ବିଜେତା ହୋଇଛି । ମହାରାଷ୍ଟ୍ର ତୃତୀୟ ଏବଂ ରାଜସ୍ଥାନ ଚତୁର୍ଥ ସ୍ଥାନ ଅଧିକାର କରିଛି । ଆସନ୍ତା ନଅ ଓ ଦଶ ତାରିଖରେ ୧୪ ବର୍ଷରୁ କମ୍ ବାଳକ ଓ ବାଳିକା ବର୍ଗରେ ଚାମ୍ପିଅନ୍‌ସିପ୍ ଆୟୋଜିତ ହେବ ବୋଲି ଜଣାପଡିଛି ।

# ପାଣିପାଗ

କାଳବୈଶାଖୀ ପ୍ରଭାବରେ ରାଜ୍ୟର ବିଭିନ୍ନ ଜିଲ୍ଲାରେ ଆଗାମୀ ୪ ଦିନ ପର୍ଯ୍ୟନ୍ତ ଝଡବର୍ଷା ହେବାର ସମ୍ଭାବନା ରହିଛି। ଆସନ୍ତା ୨୪ ଘଣ୍ଟା ମଧ୍ୟରେ ବଜ୍ରପାତ ସହିତ ବର୍ଷା ହେବା ନେଇ ଭୁବନେଶ୍ୱର ଆଂଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ପକ୍ଷରୁ ପ୍ରାୟ ସମସ୍ତ ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି। ଏହି ସମୟରେ ପବନର ବେଗ ଘଣ୍ଟା ପ୍ରତି ୫୦ ରୁ ୬୦ କିଲୋମିଟର ରହିବା ନେଇ ପାଣିପାଗ କେନ୍ଦ୍ର ଆକଳନ କରିଛି। ପରବର୍ତ୍ତୀ ସମୟରେ ଦିନ ତାପମାତ୍ରାରେ ସାମାନ୍ୟ ପରିବର୍ତ୍ତନ ହେବାର ସମ୍ଭାବନା ରହିଛି।